ପ୍ରେସ୍ ନୋଟ୍ ।

## ଅନୁଗୋଳର ବିଭିନ୍ନ ଡାକ୍ତରଖାନାରେ ତରଳ ଅମ୍ଳଜାନ ଗ୍ୟାସ ପାଇପ୍ ଲାଇନ୍ ପ୍ରଣାଳୀର ଶୁଭ ଉଦଘାଟନ ।

ଅନୁଗୋଳ, ତା.୨୫.୦୬:- ସମ୍ପ୍ରତି କରୋନା ସମୟରେ ଜିଲ୍ଲାରେ ସ୍ୱାସ୍ଥ୍ୟ ସେବାର ଉନ୍ନତି ନିମନ୍ତେ ଆଜି ଭିଡିଓ କନଫରେନ୍ସ ଜରିଆରେ ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ତରଳ ଅମ୍ଳଜାନ ଗ୍ୟାସ ପାଇପ୍ ଲାଇନ୍ ପ୍ରଣାଳୀର ଶୁଭ ଉଦଘାଟନ କରିଛନ୍ତି । ଅନୁଗୋଳ ବିଧାୟକ ତଥା ଓଡିଶା ବିଧାନସଭାର ଉପ-ବାଚସ୍ପତି ଶ୍ରୀ ରଜନୀକାନ୍ତ ସିଂହ ଭିତ୍ତି ପ୍ରସ୍ତର ସ୍ଥାପନ କରିଥିଲେ । ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ସମସ୍ତଙ୍କୁ ସ୍ୱାଗତ ଜଣାଇବା ସହ ଏହି ପ୍ରଣାଳୀର କାର୍ଯ୍ୟକାରିତା ସମ୍ପର୍କରେ ଆଲୋକପାତ କରିଥିଲେ । ଏହି କାର୍ଯ୍ୟକ୍ରମରେ ତାଳଚେର ବିଧାୟକ ଶ୍ରୀ ବ୍ରଜ କିଶୋର ପ୍ରଧାନ, ଛେଣ୍ଡିପଦା ବିଧାୟକ ଶ୍ରୀ ସୁଶାନ୍ତ କୁମାର ବେହେରା, ଆଠମଲ୍ଲିକ ବିଧାୟକ ଶ୍ରୀ ରମେଶ ଚନ୍ଦ୍ର ସାଏ,ପାଲଲହଡା ବିଧାୟକ ଶ୍ରୀ ମୁକେଶ କୁମାର ପାଲ, ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ,ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥିଙ୍କ ସମେତ ବିଭିନ୍ନ ଜିଲ୍ଲା ସ୍ତରୀୟ ଅଧିକାରୀ ଉପସ୍ଥିତ ଥିଲେ । ଉପ-ବାଚସ୍ପତି କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଓ ସରକାରଂକ ଦ୍ୱାରା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଉନ୍ନତି ନିମନ୍ତେ ନିଆଯାଇଥିବା ପଦକ୍ଷେପ ସମ୍ପର୍କରେ ଆଲୋକପାତ କରିଥିଲେ । ଏହାଛଡା କରୋନାର ଦ୍ୱିତୀୟ ଲହରକୁ କିଭଳି ଭାବେ ନିୟନ୍ତ୍ରଣ କରାଗଲା ସେ ସମ୍ପର୍କରେ ନିୟୋଜିତ କର୍ମଚାରୀମାନଂକର କାର୍ଯ୍ୟକୁ ପ୍ରଶଂସା କରିଥିଲେ । ଏହି ତରଳ ଅମ୍ଳଜାନ ଗ୍ୟାସ ପାଇପ୍ ଲାଇନ୍ ପ୍ରଣାଳୀ ଜିଲ୍ଲାର ମୁଖ୍ୟ ଚିକିତ୍ସାଳୟ,କିଶୋରନଗର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ମାଧପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ଆଠମଲ୍ଲିକ ଉପଖଣ୍ଡ ଚିକିତ୍ସାଳୟ, ପାଲଲହଡା ଉପଖଣ୍ଡ ଚିକିତ୍ସାଳୟ, ବଇଣ୍ଡା ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଓ ଠାକୁରଗଡ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରରେ କାର୍ଯ୍ୟକାରୀ ହେବ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୭୫ ତା.୨୫.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

25/6/2021

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


ଓଡ଼ିଶା ସରକାର
ଓଡ଼ିଶାରେ ସ୍ୱାସ୍ଥ୍ୟ ସେବାର ଉନ୍ନତି
DHH
ANGUL